ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୫ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୨୭୨୦ରେ ପହଞ୍ଚିଲା - ସୁସ୍ଥ ହେଲେ ୨୨ ଜଣ ।

ଅନୁଗୋଳ, ତା.୧୦.୦୪:- ଆଜି ଅନୁଗୋଳ ଜିଲ୍ଲାରେ ୨୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୨୫୬ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୭ଜଣ ( ୭ଜଣ ପୁରୁଷ ), ବଁଅରପାଳ ବ୍ଲକ୍ ଅଂଚଳରୁ ୫ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୪ଜଣ ( ୪ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୪ଜଣ ( ୪ଜଣ ପୁରୁଷ ), ତାଳଚେର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ), କଣିହାଁ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ),ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ) ଓ କିଶୋରନଗର ବ୍ଲକ୍ ଅଂଚଳରୁ୧ ଜଣ ( ୧ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ସାମାଜିକ ଦୂରତା ଅବଲମ୍ବନ କରିବା ସହିତ ସଠିକ୍ ଭାବରେ ମାସ୍କ ପରିଧାନ କରିବା ପାଇଁ ଜିଲ୍ଲାପାଳ ଜିଲ୍ଲାବାସୀଂକୁ ଅନୁରୋଧ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୨୨ଜଣ ହୋମ Isolation ରେ ଥିବାର ଜଣାପଡିଛି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୨୪୫ ତା.୧୦.୦୪.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ,
ଅନୁଗୋଳ